# REGIONAL NEWS UNIT, AIR CUTTACK

**Morning Bulletin (7.05 AM)**

**8 February – 2025**

## ଆୟକର ବିଲ୍

ନୂତନ ଆୟକର ବିଲ୍‌କୁ କେନ୍ଦ୍ର କ୍ୟାବିନେଟ୍ ମଂଜୁରୀ ପ୍ରଦାନ କରିଛି । ଟିକସ ବ୍ୟବସ୍ଥାରେ ଅଧିକ ସ୍ୱଚ୍ଛତା ଏବଂ ସୁଧାର ଆଣିବା ସହ ସଂସ୍କାର ଲକ୍ଷ୍ୟରେ ଏହି ନିଷ୍ପତ୍ତି ନିଆଯାଇଛି । ଲୋକସଭାରେ ଆସନ୍ତା ସୋମବାର ଏହି ବିଲ୍ ଆଗତ ହେବାର ସମ୍ଭାବନା ରହିଛି ।  ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କ୍ୟାବିନେଟ୍ ବୈଠକରେ ୱାଲଟିୟର ରେଳ ଡିଭିଜନ ପରିସୀମାକୁ ବିଭକ୍ତ କରି ନୂତନ ରାୟଗଡ଼ା ଏବଂ ବିଶାଖାପାଟଣା ରେଳ ଡିଭିଜନ ମଧ୍ୟରେ ବଣ୍ଟନ କରାଯିବାକୁ ନିଷ୍ପତ୍ତି ନିଆଯାଇଛି । ରାୟଗଡ଼ା ରେଳ ଡିଭିଜନ ଅଧୀନରେ ୬୮୦କିଲୋମିଟର ରେଳପଥ ରହିବା ସହ ଏହା ପୂର୍ବତଟ ରେଳପଥ ଅଧୀନରେ କାର୍ଯ୍ୟ କରିବ ।

## ରାଜ୍ୟ କ୍ୟାବିନେଟ୍

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଗତକାଲି ରାଜ୍ୟ କ୍ୟାବିନେଟ୍ ବୈଠକ ଅନୁଷ୍ଠିତ ହୋଇଛି । ଏଥିରେ  ଅନେକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନିଆଯାଇଛି । ଏ ସଂପର୍କରେ ମୁଖ୍ୟମନ୍ତ୍ରୀ ଆଜି ପୂର୍ବାହ୍ନରେ ଗଣମାଧ୍ୟମକୁ ସୂଚନା ପ୍ରଦାନ କରିବେ ବୋଲି ସୂଚନା ଓ ଲୋକସଂପର୍କ ବିଭାଗ ପକ୍ଷରୁ  ସୂଚନା ଦିଆଯାଇଛି ।

## ସୁଭଦ୍ରା ଯୋଜନା

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଯାଜପୁର ଗସ୍ତରେ ଯାଇ ବିଭିନ୍ନ କାର୍ଯ୍ୟକ୍ରମର ଶୁଭାରମ୍ଭ କରିବେ। ଜିଲ୍ଲାର ବିଭିନ୍ନ ସ୍ଥାନରେ ୮ଟିରୁ ଅଧିକ ପ୍ରକଳ୍ପର ଲୋକାର୍ପଣ କରିବା ସହ ସୁଭଦ୍ରା ଯୋଜନାରେ ପ୍ରଥମ କିସ୍ତିର ଚତୁର୍ଥ ପର୍ଯ୍ୟାୟ ଅର୍ଥରାଶି ପ୍ରଦାନ କରିବେ। ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା କହିଛନ୍ତି ଏହି ପର୍ଯ୍ୟାୟରେ ୧୮ ଲକ୍ଷରୁ ଊର୍ଦ୍ଧ୍ୱ ହିତାଧିକାରୀଙ୍କ ବ୍ୟାଙ୍କ ଖାତାକୁ ଅର୍ଥ ହସ୍ତାନ୍ତର କରାଯିବ।

ଆସନ୍ତା ମାର୍ଚ୍ଚ ମାସ ୮ ତାରିଖରେ ଏହି ଯୋଜନାର ଦ୍ୱିତୀୟ କିସ୍ତିର ପ୍ରଥମ ପର୍ଯ୍ୟାୟ ରାଶି ଦିଆଯିବ ବୋଲି ସରକାର ଘୋଷଣା କରିଛନ୍ତି।

---

## ରେପୋରେଟ୍

ଭାରତୀୟ ରିଜର୍ଭବ୍ୟାଙ୍କ ରେପୋରେଟ୍‌ରେ ୨୫ ବେସିସ୍ ପଏଣ୍ଟ ହ୍ରାସ କରିଛି । ରିଜର୍ଭ ବ୍ୟାଙ୍କର ମୁଦ୍ରାନୀତି ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି । ୫ ବର୍ଷ ପରେ ରେପୋରେଟ୍ ହ୍ରାସ ପାଇ ୬ ଦଶମିକ ୨/୫ ପ୍ରତିଶତ ହୋଇଛି । ଏହି ନିଷ୍ପତ୍ତି ଫଳରେ ଏଣିକି ଋଣ ସୁଧହାର ହ୍ରାସ ପାଇବ ବୋଲି ଜଣାପଡ଼ିଛି ।

---

## ଦିଲ୍ଲୀ ଭୋଟ୍ ଗଣତି

ଦିଲ୍ଲୀ ବିଧାନସଭା ନିର୍ବାଚନର ଭୋଟ୍ ଗଣତି ଆଜି ଅନୁଷ୍ଠିତ ହୋଇ ଫଳାଫଳ ପ୍ରକାଶ ପାଇବ । ସକାଳ ୮ଟାରୁ ଭୋଟ୍ ଗଣତି ଆରମ୍ଭ ହେବ । ୭୦ ଆସନ ବିଶିଷ୍ଟ ଦିଲ୍ଲୀ ବିଧାନସଭା ପାଇଁ ଗତ ୫ ତାରିଖରେ

ମତ ଗ୍ରହଣ କରାଯାଇଥିଲା । ୬୯୯ ଜଣ ପ୍ରାର୍ଥୀ ଏହି ନିର୍ବାଚନରେ ପ୍ରତିଦ୍ୱନ୍ଦ୍ୱିତା କରୁଥିଲେ ।

---

## ସୌରଶକ୍ତି

ସୌରଶକ୍ତି ଉପଯୋଗ କ୍ଷେତ୍ରରେ ଭାରତ ୧୦୦ ଗିଗାୱାଟ୍ କ୍ଷମତା ଅତିକ୍ରମ କରି ଉଲ୍ଲେଖନୀୟ ସଫଳତା ହାସଲ କରିଛି ବୋଲି କେନ୍ଦ୍ର ନବୀକରଣ ଓ ଅକ୍ଷୟଶକ୍ତି ମନ୍ତ୍ରୀ ପ୍ରହ୍ଲାଦ ଯୋଶୀ କହିଛନ୍ତି । ଶ୍ରୀ ଯୋଶୀ କହିଛନ୍ତି ସ୍ୱଚ୍ଛ ସବୁଜ ଭବିଷ୍ୟତ ପାଇଁ ସରକାରଙ୍କ ପ୍ରତିଦ୍ଧତାକୁ ଏହା ପ୍ରମାଣିତ କରୁଛି ।  ଗତ ୧୦ ବର୍ଷ ମଧ୍ୟରେ ସୌର ପ୍ରକଳ୍ପ ସବୁଜ ଶକ୍ତି କ୍ଷେତ୍ରରେ ବୈପ୍ଳବିକ ପରିବର୍ତ୍ତନ ଆଣିଛି ।

---

## ବାୟୁ ଗୁଣବତ୍ତା କମିଟି ବୈଠକ

ରାଜ୍ୟରେ ବାୟୁ ପ୍ରଦୂଷଣ ସମସ୍ୟାର ମୁକାବିଲା ନେଇ ରାଜ୍ୟସ୍ତରୀୟ ବାୟୁ ଗୁଣବତ୍ତା ମନିଟରିଂ କମିଟି ବୈଠକ ଗତକାଲି ଅନୁଷ୍ଠିତ ହୋଇଛି । ଜାତୀୟ ସ୍ୱଚ୍ଛବାୟୁ କାର୍ଯ୍ୟକ୍ରମ ଅଧୀନରେ କଟକ, ଭୁବନେଶ୍ୱର ସମେତ ୭ଟି ସହରରେ ବାୟୁ ଗୁଣବତ୍ତା ଉନ୍ନତି ଲକ୍ଷ୍ୟରେ ବିଭିନ୍ନ ପଦକ୍ଷେପ ଉପରେ ଆଲୋଚନା ହୋଇଛି । ଜଙ୍ଗଲ ଓ ପରିବେଶ ଏବଂ ଜଳବାୟୁ ପରିବର୍ତ୍ତନ ବିଭାଗ ଅତିରିକ୍ତ ମୁଖ୍ୟ ଶାସନ ସଚିବ ସତ୍ୟବ୍ରତ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡର ସଦସ୍ୟ, ପରିବେଶ ନିର୍ଦ୍ଦେଶକ, ରାଜ୍ୟ ପରିବହନ କମିଶନର, ଗୃହ ଏବଂ ନଗର ଉନ୍ନୟନ ଓ ଶିଳ୍ପ ବିଭାଗର ଅଧିକାରୀ ଯୋଗ ଦେଇଥିଲେ ।

---

# ପୂର୍ବାଞ୍ଚଳ ରାଜ୍ୟ ବୈଠକ

ଖରିଫ ଫସଲର ମୂଲ୍ୟ ତଥା ବିକ୍ରୟ ଭିତ୍ତିକ ନିୟାମକ ଗଠନ  ସଂକ୍ରାନ୍ତ ପୂର୍ବାଞ୍ଚଳ ରାଜ୍ୟଗୁଡ଼ିକର ବୈଠକ ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଛି । ଉପମୁଖ୍ୟମନ୍ତ୍ରୀ ତଥା କୃଷି ଓ କୃଷକ ସଶକ୍ତିକରଣ ମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ଏଥିରେ ଯୋଗଦେଇ ଜୈବିକ ପ୍ରଣାଳୀ ଚାଷ ଉପରେ ଗୁରୁତ୍ୱ ପ୍ରଦାନ କରିଥିଲେ । ବିକ୍ରୟ ଭିତ୍ତିକ ନିୟାମକ ସଂସ୍ଥାର ଅଧ୍ୟକ୍ଷ ପ୍ରଫେସର ବିଜୟପାଲ ଶର୍ମା ଚଳିତ ଖରିଫ ଫସଲ ନିମନ୍ତେ ସର୍ବନିମ୍ନ ସହାୟକ ମୂଲ୍ୟ ଉପରେ ଆଲୋଚନା କରିଥିଲେ । ବୈଠକରେ ଓଡ଼ିଶା ସମେତ ଛତିଶଗଡ଼, ଝାଡ଼ଖଣ୍ଡ, ବିହାର ଏବଂ ପଶ୍ଚିମବଙ୍ଗ କୃଷି ବିଭାଗର ଅଧିକାରୀମାନେ ଅଂଶ ଗ୍ରହଣ କରିଥିଲେ ।

---

# ଗଞ୍ଜେଇ ଚାଷ

ରାଜ୍ୟରେ ଗଞ୍ଜେଇ ଚାଷକୁ ସଂପୂର୍ଣ୍ଣ ମୂଳୋତ୍ପାଟନ କରିବା ଲକ୍ଷ୍ୟରେ ପୋଲିସ୍ ବିଭାଗକୁ ସ୍ୱତନ୍ତ୍ର ପଦକ୍ଷେପ ଗ୍ରହଣ କରିବାକୁ ଆରକ୍ଷୀ ମହାନିର୍ଦ୍ଦେଶକ ଯୋଗେଶ ବାହାଦୂର ଖୁରାନିଆ  ନିର୍ଦ୍ଦେଶ ଦେଇଛନ୍ତି । ଭୁବନେଶ୍ୱରଠାରେ ସମୀକ୍ଷା ବୈଠକରେ ଆଭାସୀ ମାଧ୍ୟମରେ ଅଂଶ ଗ୍ରହଣ କରି ଶ୍ରୀ ଖୁରାନିଆ’ ଗଞ୍ଜେଇ ମାଫିଆଙ୍କୁ ଚିହ୍ନଟ କରି ଦୃଢ଼ କାର୍ଯ୍ୟାନୁଷ୍ଠାନ କରିବାକୁ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ରାଜ୍ୟର ୮ଟି ଜିଲ୍ଲାରେ ଗଞ୍ଜେଇ ଚାଷର ମୂଳୋତ୍ପାଟନ ନିମନ୍ତେ ସ୍ୱତନ୍ତ୍ର ଅଭିଯାନ ଜାରି ରହିଥିବା ବୈଠକରୁ ଜଣାପଡ଼ିଛି ।

---

# ଖାଦ୍ୟମେଳା

ରାଜ୍ୟସ୍ତରୀୟ ହସ୍ତଶିଳ୍ପ ପ୍ରଦର୍ଶନୀ, ପଲ୍ଲୀଶ୍ରୀ ଓ ଖାଦ୍ୟମେଳା ଗତକାଲି ଉଦ୍‌ଯାପିତ ହୋଇଛି । ରାଉରକେଲାଠାରେ ସପ୍ତାହେ ବ୍ୟାପୀ ଚାଲିଥିବା ଏହି ମେଳାରେ ପ୍ରାୟ ୧ କୋଟି ଟଙ୍କାର କାରବାର ହୋଇଥିବା ଜଣାପଡ଼ିଛି । ପ୍ରତ୍ୟେକ ସନ୍ଧ୍ୟାରେ ସାଂସ୍କୃତିକ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା ।

---

# ବାରବାଟୀ ମ୍ୟାଚ୍

କଟକ ବାରବାଟୀ ଷ୍ଟାଡିୟମରେ ଆସନ୍ତାକାଲି ଅନୁଷ୍ଠିତ ହେବାକୁ ଥିବା ଭାରତ-ଇଂଲଣ୍ଡ ଏକଦିବସୀୟ କ୍ରିକେଟ ମ୍ୟାଚ୍ ପାଇଁ ଉଭୟ ଦଳ ଗତକାଲି ସନ୍ଧ୍ୟାରେ ଭୁବନେଶ୍ୱରରେ ପହଞ୍ଚିଛନ୍ତି । ଅଭ୍ୟାସ ପାଇଁ କେବଳ ଭାରତୀୟ ଦଳ ଆଜି ଅପରାହ୍ନରେ ବାରବାଟୀ ଷ୍ଟାଡିୟମକୁ ଆସିବ । କଟକ ଜିଲ୍ଲାପାଳ ଦତ୍ତାତ୍ରେୟ ଭାଉ ସାହେବ ସିନ୍ଦେ ଗତକାଲି ବାରବାଟୀ ଷ୍ଟାଡିୟମରେ ମ୍ୟାଚ୍ ପ୍ରସ୍ତୁତିର ସମୀକ୍ଷା କରିଛନ୍ତି ।

---